**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**26th June - 2025**

*********************************

***Puri/R***

# ନବଯୌବନ ଦର୍ଶନ

ଆଷାଢ଼ ଶୁକ୍ଳ ପ୍ରତିପଦା ତିଥିରେ ଆଜି ମହାପ୍ରଭୁ ନବଯୌବନ ବେଶରେ ସଜ୍ଜିତ ହେବା ସହ ନେତ୍ରୋତ୍ସବରେ ଶ୍ରଦ୍ଧାଳୁଙ୍କୁ ଦର୍ଶନ ଦେବେ । ଏଥିପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ବ୍ୟାପକ ବ୍ୟବସ୍ଥା କରାଯାଇଛି । ପରମ୍ପରା ଅନୁଯାୟୀ ପ୍ରଥମେ ଶ୍ରୀବିଗ୍ରହମାନଙ୍କର ଚକା ଅପସାର ନୀତି ଅନୁଷ୍ଠିତ ହେବ । ପରେ ମଙ୍ଗଳଆଳତୀ, ମଇଲମ ଓ ଅବକାଶ ନୀତି ହୋଇ ଠାକୁରଙ୍କ ବାହୁଡ଼ାବିଜେ ନୀତି ହେବ । ଏହାପରେ ସାହାଣମେଳାରେ ପ୍ରଭୁ ଦର୍ଶନ ଦେବେ । ରାତିରେ ଦଇତାପତି ସେବକମାନେ ମହାପ୍ରଭୁଙ୍କ ସେନାପଟା ଲାଗି କରିବେ ।

ସେହିଭଳି ଆଜି ରଥଖଳାରୁ ଶ୍ରୀମନ୍ଦିର ନିକଟକୁ ତିନି ରଥ ଟଣାଯିବ । ସକାଳ ଧୂପ ଶେଷ ହେବା ପରେ ପାଳିଆ ପୂଜାପଣ୍ଡା ସାମନ୍ତ ଆଜ୍ଞାମାଳ ଆଣି ରଥଖଳା ନିକଟକୁ ବିଜେ କରିବେ ।

***IPR***

# ରାଜ୍ୟପାଳ - ପର୍ଯ୍ୟଟନ ଶିଳ୍ପ

ଓଡ଼ିଶାକୁ ବିଶ୍ୱ ସ୍ତରରେ ଏକ ପ୍ରଂଶସିତ ପର୍ଯ୍ୟଟନ ସ୍ଥଳୀରେ ପରିଣତ କରିବାପାଇଁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମ୍ପାଟି ଆହ୍ୱାନ ଦେଇଛନ୍ତି । ଭୁବନେଶ୍ୱରରେ ଓଡ଼ିଶା ପର୍ଯ୍ୟଟନ ସମ୍ମିଳନୀର ଷଷ୍ଠ ସଂସ୍କରଣର ଉଦ୍‌ଯାପନୀ ସମାରୋହରେ ଯୋଗଦେଇ ରାଜ୍ୟପାଳ କହିଛନ୍ତି, ପର୍ଯ୍ୟଟନ ଶିଳ୍ପ କ୍ଷେତ୍ରରେ ଏକ ବିଶ୍ୱସ୍ତରୀୟ ଭିତ୍ତିଭୂମି ସୃଷ୍ଟି କରିବା କ୍ଷେତ୍ରରେ ଦେଶ ଉଲ୍ଲେଖନୀୟ ପ୍ରଗତି କରୁଛି । ୨୦୩୬ ମସିହା ସୁଦ୍ଧା ବିକଶିତ ଓଡ଼ିଶା ଓ ୨୦୪୭ ମସିହା ସୁଦ୍ଧା ବିକଶିତ ଭାରତ ସ୍ୱପ୍ନ ହାସଲ ପାଇଁ ପର୍ଯ୍ୟଟନ ଭିତ୍ତିଭୂମି ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି ରାଜ୍ୟପାଳ କହିଛନ୍ତି ।

***BBSR/R***

# ରାଜ୍ୟପାଳ

ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମ୍ପାଟିଙ୍କୁ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଗତକାଲି ସାକ୍ଷାତ୍ କରିଛନ୍ତି । ରାଜ୍ୟର ବିକାଶ ସମ୍ପର୍କିତ ବିଭିନ୍ନ ଯୋଜନା, ଶକ୍ତିକ୍ଷେତ୍ରରେ ସଂସ୍କାର ଏବଂ କୃଷିକ୍ଷେତ୍ରରେ ନିଆଯାଉଥିବା ବିଭିନ୍ନ ପଦକ୍ଷେପ ସମ୍ପର୍କରେ ଆଲୋଚନା ହୋଇଥିଲା । ବିଭିନ୍ନ ପ୍ରକଳ୍ପ କାର୍ଯ୍ୟକୁ ତ୍ୱରାନ୍ୱିତ କରିବାପାଇଁ ବିଭାଗଗୁଡ଼ିକ ମଧ୍ୟରେ ଉତ୍ତମ ସମନ୍ୱୟ ରକ୍ଷାପାଇଁ ରାଜ୍ୟପାଳ ପରାମର୍ଶ ଦେଇଥିଲେ ।

***BBSR/R***

## ସୁଭଦ୍ରା ଯୋଜନା

ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ଆସନ୍ତା ଅଗଷ୍ଟ ମାସ ୯ ତାରିଖ ରାକ୍ଷୀ ପୂର୍ଣ୍ଣିମାରେ ପ୍ରଦାନ କରାଯିବ । ଏନେଇ ଉନ୍ନୟନ କମିଶନର୍ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନରେ ସୁଭଦ୍ରା ସୋସାଇଟିର ପରିଚାଳନା ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ସୁଭଦ୍ରା ହିତାଧିକାରୀଙ୍କ ଉପରେ ସୁଭଦ୍ରା ସହାୟତାର ପ୍ରଭାବ, ଏହାର ଉପଯୋଗ ଓ ଡିଜିଟାଲ୍ ଆର୍ଥିକ ଅନ୍ତର୍ଭୁକ୍ତୀକରଣ ସମ୍ପର୍କରେ ଆଲୋଚନା ହୋଇଥିଲା ।

***BBSR/R***

## ଯାନ ପଞ୍ଜୀକରଣ

ରାଜ୍ୟରେ ୨୦୩୬ ମସିହା ସୁଦ୍ଧା ସମସ୍ତ ନୂତନ ଯାନ ପଞ୍ଜୀକରଣ ସମୟରେ ଅତିକମ୍‌ରେ ୫୦ ପ୍ରତିଶତ ବ୍ୟାଟେରୀ ବୈଦ୍ୟୁତିକ ଯାନ ପଞ୍ଜୀକରଣ ଲକ୍ଷ୍ୟ ରଖାଯାଇଛି । ବାଣିଜ୍ୟ ଓ ପରିବହନ ବିଭାଗର ପ୍ରମୁଖ ସଚିବ ଉଷା ପାଢ଼ୀ ଏବଂ ଶକ୍ତି ବିଭାଗର ପ୍ରମୁଖ ସଚିବ ବିଶାଲ ଦେବଙ୍କ ସହ-ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଏହି ନିଷ୍ପତ୍ତି ହୋଇଛି । ବୈଠକରେ ଇ.ଭି. ନୀତି-୨.୦ ଉପରେ ମଧ୍ୟ ଆଲୋଚନା ହୋଇଥିଲା ।

*BBSR/R*

# ଶିଳ୍ପ ମହାସଂଘ

ରାଜ୍ୟରେ ଶିଳ୍ପ ଆବଶ୍ୟକତା ସହିତ ଶୈକ୍ଷିକ ପାଠ୍ୟକ୍ରମକୁ ସମନ୍ୱିତ କରିବା, ଗବେଷଣା କାର୍ଯ୍ୟରେ ସହଭାଗିତାକୁ ପ୍ରୋତ୍ସାହିତ କରିବା ଏବଂ ବିଦ୍ୟାର୍ଥୀମାନଙ୍କ ମଧ୍ୟରେ ନବସୃଜନର ବିକାଶ ଉପରେ ଉପଯୁକ୍ତ ମଞ୍ଚ ସୃଷ୍ଟି କରିବା ଜରୁରୀ ବୋଲି ଭାରତୀୟ ଶିଳ୍ପ ମହାସଂଘ ଗୁରୁତ୍ୱାରୋପ କରିଛି । ପୂର୍ବାଞ୍ଚଳରେ ସୂଚନା ଓ ପ୍ରଯୁକ୍ତିବିଦ୍ୟାର ବିକାଶପାଇଁ ସି.ଆଇ.ଆଇ.-ଓଡ଼ିଶା ଆଇ.ଟି. ପ୍ୟାନେଲ୍‌ର ମିଳିତ ବୈଠକରେ ଯୋଗଦେଇ ବିଶେଷଜ୍ଞମାନେ ଏହି ମତ ପ୍ରକାଶ କରିଛନ୍ତି ।

*Malkangiri/R*

# ରାଜସ୍ୱ ସମୀକ୍ଷା ବୈଠକ

ମାଲକାନଗିରି ଜିଲ୍ଲାପରିଷଦ କାର୍ଯ୍ୟାଳୟଠାରେ ଜିଲ୍ଲା ରାଜସ୍ୱ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ରାଜସ୍ୱ ଆଦାୟ, ସରକାରୀ ଜମିରୁ ବେଆଇନ ଜବରଦଖଲ ଉଚ୍ଛେଦ ଆଦି ସମ୍ପର୍କରେ ଆଲୋଚନା ହୋଇଥିଲା ।

*Ganjam/R*

# ପ୍ରାକୃତିକ ବିପର୍ଯ୍ୟୟ

ଗଞ୍ଜାମ ଜିଲ୍ଲା ରଙ୍ଗେଇଲୁଣ୍ଡା ପଞ୍ଚାୟତ ଅନ୍ତର୍ଗତ ଅନ୍ତରବାଟିଆ ବାତ୍ୟା ଆଶ୍ରୟସ୍ଥଳୀରେ ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା ସମ୍ପର୍କିତ ଏକ ସାମୂହିକ ଅଭ୍ୟାସ ଅନୁଷ୍ଠିତ ହୋଇଯାଇଛି । ପ୍ରାକୃତିକ ବିପର୍ଯ୍ୟୟ ସମୟରେ ଲୋକଙ୍କୁ ଉଦ୍ଧାର କରି ସୁରକ୍ଷିତ ସ୍ଥାନରେ ପହଞ୍ଚାଇବା, ପ୍ରାଥମିକ ଚିକିତ୍ସା ଯୋଗାଇଦେବା ଆଦି ସମ୍ପର୍କରେ ଲୋକମାନଙ୍କୁ ସଚେତନ କରାଯାଇଥିଲା ।

*Koraput/R*

# ବିକ୍ରେତା କର୍ମଶାଳା

କୋରାପୁଟ ଜିଲ୍ଲାପାଳଙ୍କ ସଦ୍‌ଭାବନା ସଭାଗୃହରେ ବିକ୍ରେତା ଗତିଶୀଳତା ଅଭିଯାନ ଓ ଜ୍ଞାନ ବିନିମୟ ସମ୍ପର୍କିତ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଭି. କୀର୍ତ୍ତି ଓ୍ୱାସନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗଗୁଡ଼ିକର ପ୍ରସାର ନିମନ୍ତେ ଗୁରୁତ୍ୱାରୋପ କରାଯାଇଥିଲା ।

*Desk*

# ନିଶା ନିବାରଣ ଦିବସ

ନିଶା ନିବାରଣ ସମ୍ପର୍କରେ ସଚେତନତା ସୃଷ୍ଟି ଉଦ୍ଦେଶ୍ୟରେ ଆଜି ଅନ୍ତର୍ଜାତୀୟ ଅବୈଧ ନିଶାଦ୍ରବ୍ୟ କାରବାର ବିରୋଧୀ ଦିବସ ପାଳନ କରାଯାଉଛି । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହି ଦିବସ ଉପଲକ୍ଷେ ନିଜ ବାର୍ତ୍ତାରେ କହିଛନ୍ତି, ନିଶାଦ୍ରବ୍ୟର ମାରାତ୍ମକତା ସମ୍ପର୍କରେ ସଚେତନତା ସୃଷ୍ଟି କରିବ, ନିଶାସକ୍ତ ବ୍ୟକ୍ତିମାନଙ୍କର ବିଭିନ୍ନ ସମସ୍ୟା ସମ୍ପର୍କରେ ସଚେତନ ହେବା ଜରୁରୀ । ସମାଜରୁ ସେମାନଙ୍କୁ ନ ଦୂରେଇ ସେମାନଙ୍କର ପୁନର୍ବାସପାଇଁ ଗ୍ରହଣୀୟତା ବୃଦ୍ଧି କରାଇବା ଓ ନିଶା ନିବାରଣ କାର୍ଯ୍ୟରେ ସହାୟତା କରିବାପାଇଁ ମୁଖ୍ୟମନ୍ତ୍ରୀ ଜନସାଧାରଣଙ୍କୁ ଆହ୍ୱାନ ଦେଇଛନ୍ତି ।

*Desk*

# ବିଦ୍ୟୁତ୍ ସୁରକ୍ଷା ସପ୍ତାହ

ଜାତୀୟ ବିଦ୍ୟୁତ୍ ସୁରକ୍ଷା ସପ୍ତାହ ଆଜିଠାରୁ ଆସନ୍ତା ମାସ ୨ ତାରିଖ ପର୍ଯ୍ୟନ୍ତ ପାଳନ କରାଯାଉଛି । ଏହି ପରିପ୍ରେକ୍ଷୀରେ ବିଦ୍ୟୁତ୍ ଆଘାତରୁ ସୁରକ୍ଷା ନିମନ୍ତେ ସରକାରଙ୍କ ପକ୍ଷରୁ ଜନସାଧାରଣଙ୍କୁ ସଚେତନ କରାଯାଉଛି ।

# ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗର, ପାର୍ଶ୍ୱବର୍ତ୍ତୀ ଉତ୍ତର ଓଡ଼ିଶା ଓ ପଶ୍ଚିମବଙ୍ଗ ଉପକୂଳରେ ସକ୍ରିୟ ଘୂର୍ଣ୍ଣିବଳୟ ଆଜି ଲଘୁଚାପ ରୂପ ନେବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବାନେଇ ୨୦ଟି ଜିଲ୍ଲାପାଇଁ ସତର୍କ ସୂଚନା ଜାରି କରାଯାଇଛି ।

*****